ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/COVID-19(OD)/597/09-07-2021

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୦୯ ଜୁଲାଇ , ୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ପ୍ରସିଦ୍ଧ ରଥଯାତ୍ରାର ସୁପରିଚାଳନା ନେଇ ସମୀକ୍ଷା କରିଛନ୍ତି । ଗତବର୍ଷର ରଥଯାତ୍ରା ସୁରୁଖୁରୁରେ ଅନୁଷ୍ଠିତ ହୋଇଥିବାରୁ ମାନ୍ୟବର ମୁଖ୍ୟମନ୍ତ୍ରୀ ସମସ୍ତଙ୍କୁ ଧନ୍ୟବାଦ ଜଣାଇବା ସହ ଏବର୍ଷ ମଧ୍ୟ ରଥଯାତ୍ରା ଯେପରି ସୁଚାରୁ ରୂପେ ପାଳିତ ହେବ ସେ ନେଇ ପୁରୀ ବାସିନ୍ଦା ଓ ସେବାୟତମାନଙ୍କ ସହଯୋଗ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ  କୋଭିଡ୍ ନିୟମକୁ ପାଳନ କରି ମହାପ୍ରଭୁଙ୍କ ନୀତିକାନ୍ତି ଠିକ୍ ସମୟରେ ଶେଷ ହେବା ଉପରେ ଗୁରୁତ୍ୱ ଦେଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋଭିଡ୍‌ର ଦ୍ୱିତୀୟ ଲହର କମି ଆସୁଥିଲେ ମଧ୍ୟ ବିପଦ ଏ ପର୍ଯ୍ୟନ୍ତ ଦୂର ହୋଇ ନାହିଁ । ଚଳିତ ବର୍ଷ ରଥଯାତ୍ରା ଯେପରି ସୁରୁଖୁରୁରେ ଶେଷ ହେବ ସେଥିପାଇଁ ସେ ମହାପ୍ରଭୁଙ୍କ ଆଶୀର୍ବାଦ କାମନା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଅଲମ୍ପିକ୍ ଖେଳିବାକୁ ଯାଉଥିବା ଓଡ଼ିଶାର ଖେଳାଳୀମାନଙ୍କ ସହିତ ବାର୍ତ୍ତାଳାପ କରି ସେମାନଙ୍କୁ ଟୋକିଓ ଅଲମ୍ପିକ୍ ପୂର୍ବରୁ ଉତ୍ସାହିତ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ସ୍ୱର୍ଣ୍ଣ ପଦକ ବିଜେତାମାନଙ୍କ ପାଇଁ ୬ କୋଟି ଟଙ୍କା, ରୌପ୍ୟ ପଦକ ବିଜେତାଙ୍କ ପାଇଁ ୪ କୋଟି ଟଙ୍କା, ବ୍ରୋଞ୍ଜ ପଦକ ବିଜେତାଙ୍କ ପାଇଁ ୨.୫ କୋଟି ଟଙ୍କା ଏବଂ ଓଡ଼ିଶାରୁ ଭାଗ ନେଉଥିବା ପ୍ରତ୍ୟେକ ଖେଳାଳୀଙ୍କ ପାଇଁ ୧୫ ଲକ୍ଷ ଟଙ୍କାର ଆର୍ଥିକ ପୁରସ୍କାର ଘୋଷଣା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଅଲମ୍ପିକ୍ ଖେଳିବା ପାଇଁ ଯୋଗ୍ୟ ବିବେଚିତ ବୀରେନ୍ଦ୍ର ଲାକ୍ରା, ଅମିତ ରୋହିଦାସ, ଦ୍ୟୁତୀ ଚାନ୍ଦ, ଦୀପ୍ ଗ୍ରେସ୍ ଏକ୍କା, ନମିତା ଟପ୍ପୋ ଏବଂ ପ୍ରମୋଦ ଭଗତଙ୍କୁ ଶୁଭେଚ୍ଛା ଜଣାଇ କହିଛନ୍ତି ଯେ ସେମାନେ ଓଡ଼ିଶାର ଯୁବବର୍ଗଙ୍କ ପାଇଁ ଆଦର୍ଶ ପାଲଟିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଜଣେ ଖେଳାଳୀ ପାଇଁ ଅଲମ୍ପିକ୍ ହେଉଛି ସର୍ବୋଚ୍ଚ ସ୍ୱପ୍ନ ଏବଂ ସେମାନେ ସେମାନଙ୍କ ପରିବାର ଏବଂ ଆମ ସମସ୍ତଙ୍କ ପାଇଁ ଗୌରବ ଆଣିପାରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କଠିନ ପରିଶ୍ରମ, ଦୃଢ଼ ସଂକଳ୍ପ ଏବଂ ଶୃଙ୍ଖଳା ଦ୍ୱାରା ସେମାନେ ପଦକ ଜିତି ପାରିବେ ବୋଲି ବିଶ୍ୱାସ ପ୍ରକଟ କରିଛନ୍ତି । ଖେଳାଳୀମାନେ ମଧ୍ୟ ସେମାନଙ୍କର ସର୍ବଶ୍ରେଷ୍ଠ ପ୍ରଦର୍ଶନ ଦ୍ୱାରା ଦେଶ ତଥା ରାଜ୍ୟ ପାଇଁ ଗୌରବ ଆଣିବେ ବୋଲି ପ୍ରକାଶ କରିଛନ୍ତି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଡିଜିଟାଲ୍ ପ୍ଲାଟଫର୍ମ ଜରିଆରେ ସମସ୍ତ ସରକାରୀ ସେବାକୁ ସୁନିଶ୍ଚିତ କରିବା ଉଦ୍ଦେଶ୍ୟରେ 'ଓଡ଼ିଶା ୱାନ୍' ଏବଂ 'ମୋ ସେବା କେନ୍ଦ୍ର'ର ସଫଳ କାର୍ଯ୍ୟାନ୍ୱୟନ ପାଇଁ ଚଳିତ ବର୍ଷର ଆପାକ୍ ନ୍ୟୁଜ୍ ନେଟ୍‌ୱାର୍କ ଡିଜିଟାଲ୍ ସଶକ୍ତ ସମାରୋହରେ ଓଡ଼ିଶା ଡିଜିଟାଲ୍ ସଶକ୍ତ ରାଜ୍ୟ ଭାବେ ସମ୍ମାନିତ ହୋଇଥିବାରୁ ରାଜ୍ୟ ଇଲେକ୍‌ଟ୍ରୋନିକ୍ସ ଏବଂ ସୂଚନା ପ୍ରଯୁକ୍ତି ବିଭାଗକୁ ଅଭିନନ୍ଦନ ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ପାରମ୍ପରିକ ସଂଗୀତ ଗାୟକ ବାଣୀକଣ୍ଠ ନିମାଇଁ ହରିଚନ୍ଦନଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ଓଡ଼ିଶୀ ଛାନ୍ଦ, ଚମ୍ପୁ, ଭଜନ, ଜଣାଣ ଗାଇବାରେ ସେ ଧୁରୀଣ ଥିଲେ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶୀ ସଂଗୀତ କ୍ଷେତ୍ରରେ ତାଙ୍କ ଅବଦାନ ସର୍ବଦା ସ୍ମରଣୀୟ ବୋଲି କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୧,୪୪,୧୪,୩୬୮ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୯,୩୫,୧୩୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୯,୦୩,୧୭୮ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୪,୪୭୬ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨୭,୪୨୯ ରହିଛି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'